ଓଡ଼ିଶା ସରକାର

ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ,

ଭୁବନେଶ୍ୱର ।

# ବିଜ୍ଞାପନ

## ରାଜା ରାମମୋହନ ରାୟ ପାଠାଗାର ଫାଉଣ୍ଡେସନର ଅଣଯୋଜନାରେ ଆର୍ଥିକ ସହାୟତା ପାଇଁ ଦରଖାସ୍ତ ଆହ୍ୱାନ

*********

୨୦୧୮-୧୯ ଆର୍ଥିକ ବର୍ଷ ପାଇଁ ରାଜ୍ୟ ସରକାରଙ୍କ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ମାଧ୍ୟମରେ ରାଜା ରାମମୋହନ ରାୟ ପାଠାଗାର ଫାଉଣ୍ଡେସନର ଅଣ-ଯୋଜନାରେ ଆର୍ଥିକ ସହାୟତା ନିମନ୍ତେ ଗ୍ରନ୍ଥାଗାର କାର୍ଯ୍ୟକ୍ରମ ପାଇଁ ରେଜିଷ୍ଟ୍ରୀଭୁକ୍ତ ବେସରକାରୀ ଅନୁଷ୍ଠାନମାନଙ୍କ ଠାରୁ ଦରଖାସ୍ତ ଆହ୍ୱାନ କରାଯାଉଅଛି ଏଥିପାଇଁ ନିର୍ଦ୍ଧାରିତ ଦରଖାସ୍ତ ଫର୍ମ ଏବଂ ଆବଶ୍ୟକୀୟ ସର୍ତ୍ତାବଳୀ (Guidelines) ରାଜା ରାମମୋହନ ରାୟ ପାଠାଗାର ଫାଉଣ୍ଡେସନର Website: rrrlf.gov.in ରେ ଉପଲବ୍ଧ ଅଟେ । ସର୍ତ୍ତାବଳୀ ଅନୁଯାୟୀ ନିର୍ଦ୍ଧାରିତ ଦରଖାସ୍ତ ଫର୍ମ ସମ୍ପୂର୍ଣ୍ଣ ରୂପେ ପୂରଣ କରି ଏବଂ ଆବଶ୍ୟକ କାଗଜାଦି ସଂଲଗ୍ନ କରି ସମ୍ପୃକ୍ତ ଜିଲ୍ଲା ସଂସ୍କୃତି ଅଧିକାରୀ/ ଭାରପ୍ରାପ୍ତ ଜିଲ୍ଲା ସଂସ୍କୃତି ଅଧିକାରୀଙ୍କ ନିକଟରେ ବିଜ୍ଞାପନ ପ୍ରକାଶିତ ହେବାର ୩୦(ତିରିଶ) ଦିନ ମଧ୍ୟରେ ଦାଖଲ କରିବେ । ନିର୍ଦ୍ଧାରିତ ସମୟ ସୀମା ପରେ ସଠିକ ଭାବେ ପୂରଣ ହୋଇ ନ ଥିବା ଏବଂ ଆବଶ୍ୟକ କାଗଜାଦି ସଂଲଗ୍ନ ହୋଇ ନ ଥିବା ଦରଖାସ୍ତ ଗୁଡ଼ିକୁ ବିଚାରକୁ ନିଆଯିବ ନାହିଁ ।

ସମ୍ପୃକ୍ତ ଜିଲ୍ଲା ସଂସ୍କୃତି ଅଧିକାରୀ/ ଭାରପ୍ରାପ୍ତ ଜିଲ୍ଲା ସଂସ୍କୃତି ଅଧିକାରୀ ନିର୍ଦ୍ଧାରିତ ସମୟ ସୀମା ମଧ୍ୟରେ ଦାଖଲ ହୋଇଥିବା ସମସ୍ତ ଦରଖାସ୍ତଗୁଡ଼ିକୁ ରାଜା ରାମମୋହନ ରାୟ ପାଠାଗାର ଫାଉଣ୍ଡେସନର ଅଣ-ଯୋଜନା (Non-Matching Scheme)ର ସର୍ତ୍ତାବଳୀ ଅନୁଯାୟୀ ତନଖି କରି ନିର୍ଦ୍ଦେଶକ ତଥା ଅତିରିକ୍ତ ଶାସନ ସଚିବଙ୍କ ନିକଟକୁ ଦରଖାସ୍ତ ପ୍ରାପ୍ତିର ଶେଷ ଦିନ ଠାରୁ ୧୫ (ପନ୍ଦର ଦିନ) ମଧ୍ୟରେ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରିବେ । ସମ୍ପୃକ୍ତ ଜିଲ୍ଲା ସଂସ୍କୃତି ଅଧିକାରୀ/ ଭାରପ୍ରାପ୍ତ ଜିଲ୍ଲା ସଂସ୍କୃତି ଅଧିକାରୀ ପ୍ରତ୍ୟେକ ଦରଖାସ୍ତ ଫର୍ମର ପ୍ରଥମ ପୃଷ୍ଠାରେ ସ୍ୱାକ୍ଷରିତ ତନଖି ସାର୍ଟିଫିକେଟ ସହିତ ମୋହର ମାରି ପ୍ରେରଣ କରିବେ ।

୨୭।୧୮

ନିର୍ଦ୍ଦେଶକ ତଥା ଅତିରିକ୍ତ ଶାସନ ସଚିବ,
ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ